# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

**5 July– 2026**

# ଏସ.ଆଇ.ଆର

ରାଜ୍ୟରେ ଭୋଟର ତାଲିକାରେ ସ୍ୱତନ୍ତ୍ର ସଂଘନ ସଂଶୋଧନ ପ୍ରକ୍ରିୟାରେ ପରିଗଣନା ଫର୍ମ ବଣ୍ଟନ ଓ ସଂଗ୍ରହ ଶେଷ ହେବା ପରେ ଆଜି ଚିଠା ଭୋଟର ତାଲିକା ପ୍ରକାଶ ପାଇବ । ମୁଖ୍ୟ ନିର୍ବାଚନ ଅଧିକାରୀ ଆର.ଏସ. ଗୋପାଳନ ଏ ନେଇ ଭୋଟର ତାଲିକା ପର୍ଯ୍ୟବେକ୍ଷକ ମାନଙ୍କ ସହ ଏକ ସମୀକ୍ଷା ବୈଠକ କରିଛନ୍ତି । ଭୁବନେଶ୍ୱରରେ ଆୟୋଜିତ ବୈଠକରେ ଶ୍ରୀ ଗୋପାଳନ ଜଣେ ବି ଯୋଗ୍ୟ ମତଦାତା ତାଲିକାରୁ ବାଦ ନ ପଡିବା ପାଇଁ ସଠିକ୍, ସମାବେଶୀ ଓ ତ୍ରୁଟିମୁକ୍ତ ତାଲିକା ସୁନିଶ୍ଚିତ କରିବାକୁ ଗୁରୁତ୍ୱ ଦେଇଥିଲେ । ସୂଚନା ଅନୁସାରେ ରାଜ୍ୟ ସରକାର ୧୦ଜଣ ବରିଷ୍ଠ ଆଇଏଏସଙ୍କୁ ବିଭିନ୍ନ ଜିଲ୍ଲା ପାଇଁ ଭୋଟର ତାଲିକା ପର୍ଯ୍ୟବେକ୍ଷକଭାବେ ନିଯୁକ୍ତି ଦେଇଛନ୍ତି । ଜୁଲାଇ ୫ତାରିଖରୁ ଅଗଷ୍ଟ ୪ତାରିଖ ପର୍ଯ୍ୟନ୍ତ ଏଥି ସମ୍ବନ୍ଧୀୟ ଦାବି ଓ ଆପତ୍ତି ଗ୍ରହଣ କରାଯିବ । ଏ ସବୁର ଯାଞ୍ଚ ଓ ଫଇସଲା ଅଗଷ୍ଟ ୪ତାରିଖରୁ ସେପ୍ଟେମ୍ବର ୨ତାରିଖ ମଧ୍ୟରେ ଶେଷ ହେବା ପରେ ସେପ୍ଟେମ୍ବର ୬ତାରିଖରେ ଚୂଡାନ୍ତ ଭୋଟର ତାଲିକା ପ୍ରକାଶ କରାଯିବ ।

## ଉପରାଷ୍ଟ୍ରପତିଙ୍କ ଗସ୍ତ

ଉପରାଷ୍ଟ୍ରପତି ସି.ପି.ରାଧାକ୍ରିଷ୍ଣନ ଆସନ୍ତା ୯ତାରିଖରେ ଦିନିକିଆ ଓଡିଶା ଗସ୍ତରେ ଆସିବାର କାର୍ଯ୍ୟସୂଚୀ ରହିଛି । ଏହି ଗସ୍ତକୁ ସଫଳ ଓ ସୂଚାରୁରୂପେ ସମ୍ପନ୍ନ କରିବା ଲାଗି ମୁଖ୍ୟ ଶାସନ ସଚିବ ଅନୁ ଗର୍ଗଙ୍କ ଅଧ୍ୟକ୍ଷତାରେ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଛି । ସୂଚନା ଅନୁସାରେ ଉପରାଷ୍ଟ୍ରପତି ୯ତାରିଖରେ ଭୁବନେଶ୍ୱର କୃଷି ଶିକ୍ଷା ସଦନଠାରେ 'ଗଭୀର ସମୁଦ୍ରରେ ମତ୍ସ୍ୟ ସମ୍ପଦର ସ୍ଥାୟୀ ଉପଯୋଗ ପାଇଁ ଲେଟର ଅଫ ଅଥରାଇଜେସନ'ର ଜାତୀୟ  କାର୍ଯ୍ୟକ୍ରମକୁ ଶୁଭାରମ୍ଭ କରିବେ । ଏହା ସହିତ ଉପରାଷ୍ଟ୍ରପତି ଖୋର୍ଦ୍ଧାସ୍ଥିତ ଜାତୀୟ ବିଜ୍ଞାନ ଶିକ୍ଷା ଏବଂ ଗବେଷଣା ସଂସ୍ଥାନ(ନାଇଜର)ର ପଞ୍ଚଦଶତମ ସମାବର୍ତ୍ତନ ଉତ୍ସବରେ ମୁଖ୍ୟ ଅତିଥିଭାବେ ଯୋଗଦେବାର କାର୍ଯ୍ୟକ୍ରମ ରହିଛି ।

## **ମୁଖ୍ୟମନ୍ତ୍ରୀଙ୍କ ନିମନ୍ତ୍ରଣ**

ପୁରୀରେ ଆସନ୍ତା ୧୬ତାରିଖରେ ହେବାକୁ ଥିବା ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ବିଶ୍ୱ ପ୍ରସିଦ୍ଧ ରଥଯାତ୍ରାରେ ଯୋଗଦେବା ଲାଗି ରାଜ୍ୟର ସମସ୍ତ ପଦ୍ମ ପୁରସ୍କାର ବିଜେତାଙ୍କୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଚିଠି ଲେଖି ନିମନ୍ତ୍ରଣ କରିଛନ୍ତି । ସମସ୍ତେ ଏକାଠି ହୋଇ ରାଜ୍ୟର ସମୃଦ୍ଧି ଓ ରାଜ୍ୟବାସୀଙ୍କ କଲ୍ୟାଣ ପାଇଁ ମହାପ୍ରଭୁଙ୍କୁ ପ୍ରାର୍ଥନା କରିବା ବୋଲି ମୁଖ୍ୟମନ୍ତ୍ରୀ ତାଙ୍କ ଚିଠିରେ ଉଲ୍ଲେଖ କରିଛନ୍ତି ।

## ପଞ୍ଚସଖା

ପଞ୍ଚସଖା ଶିକ୍ଷା ସେତୁ ସଂଗଠନର ଚତୁର୍ଥ କାର୍ଯ୍ୟନିବାହୀ ପରିଷଦ ବୈଠକ ଅନୁଷ୍ଠିତ ହୋଇଯାଇଛି । ବୈଠକରେ ୨୩ଟି ଜିଲ୍ଲାର ବିଭିନ୍ନ ବିଦ୍ୟାଳୟରେ ଭିତ୍ତିଭୂମିର ବିକାଶ ପାଇଁ ୭କୋଟି ୨୯ଲକ୍ଷ ଟଙ୍କାର ବିଭିନ୍ନ ପ୍ରକଳ୍ପକୁ ମଞ୍ଜୁର ଦିଆଯାଇଛି ।

## ସୁଭଦ୍ରା ଶକ୍ତିଭିଜନ ସମ୍ମିଳନୀ

ଉପମୁଖ୍ୟମନ୍ତ୍ରୀ ପ୍ରଭାତି ପରିଡା ଦେବଗଡ ଗସ୍ତରେ ଆସି  ସୁଭଦ୍ରା ଶକ୍ତିଭିଜନ ସମ୍ମିଳନୀ ଶୁଭାରମ୍ଭ କରିଥିଲେ । ଏହି ଗସ୍ତ ଅବସରରେ ଜିଲ୍ଲାପାଳଙ୍କ ବିକାଶଭବନ ସମ୍ମିଳନୀ କକ୍ଷରେ ପ୍ରଶାସନିକ ଅଧିକାରୀମାନଙ୍କୁ ନେଇ ଏକ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଥିଲା । ପ୍ରତ୍ୟେକ ଯୋଗ୍ୟ ହିତାଧିକାରୀଙ୍କ ନିକଟରେ ସରକାରୀ ଯୋଜନାର ସୁଫଳ ପହଞ୍ଚିବା ଆବଶ୍ୟକ ବୋଲି ଉପମୁଖ୍ୟମନ୍ତ୍ର ଗୁରୁତ୍ୱାରୋପ କରିଥିଲେ ।

## ଜମିଜମା ରେକର୍ଡ ସଂଶୋଧନ

ରାଜ୍ୟ ସରକାରଙ୍କ ନିର୍ଦ୍ଦେଶକ୍ରମେ ଖୋର୍ଦ୍ଧା ଜିଲ୍ଲାରେ 'ମହାପ୍ରଭୁ ଶ୍ରୀଜଗନ୍ନାଥ, ବିଜେ ପୁରୀ'ଙ୍କ ନାମରେ ଥିବା ଏବଂ ମାର୍ଫତଦାରଙ୍କ ନାମରେ ରେକର୍ଡଭୁକ୍ତ ଜମିର ରେକର୍ଡ ଅଫ ରାଇଟ୍ସ ସଂଶୋଧନ କାର୍ଯ୍ୟ ସଫଳତାର ସହ ଆଗେଇଛି । ଖୋର୍ଦ୍ଧା ଜିଲ୍ଲାପାଳଙ୍କ ପକ୍ଷରୁ ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗକୁ ଏ ସଂକ୍ରାନ୍ତ ତଥ୍ୟ ପ୍ରଦାନ କରାଯାଇଛି ।

# ଓଟିଇଟି

ମାଧ୍ୟମିକ ଶିକ୍ଷା ପରିଷଦ ଦ୍ୱାରା ପରିଚାଳିତ ଓଡିଶା ଶିକ୍ଷକ ଯୋଗ୍ୟତା ପରୀକ୍ଷା-ଓଟିଇଟି ଆଜି ଅନୁଷ୍ଠିତ ହେବ । ରାଜ୍ୟର ସମସ୍ତ ଜିଲ୍ଲାରେ ୩୧୧ଟି କେନ୍ଦ୍ରରେ ୯୭ହଜାର ୧୫୦ଜଣ ପରୀକ୍ଷାର୍ଥୀ ପରୀକ୍ଷା ଦେବେ ବୋଲି ବୋର୍ଡ ପକ୍ଷରୁ ସୂଚନା ଦିଆଯାଇଛି ।

# ସମବାୟରୁ ସମୃଦ୍ଧି

ନୟାଗଡରେ ସମବାୟ ମନ୍ତ୍ରଣାଳୟର ୫ବର୍ଷ ପୂର୍ତ୍ତି ଉପଲକ୍ଷେ ରାଜ୍ୟବ୍ୟାପୀ ଚାଲିଥିବା 'ସମବାୟରୁ ସମୃଦ୍ଧି' ଅଭିଯାନ ଅଧୀନରେ ସ୍ୱେଚ୍ଛାକୃତ ରକ୍ତଦାନ ଶିବିର ଓ ଚାରାରୋପଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ମୁଖ୍ୟ ଅତିଥି ଜିଲ୍ଲାପାଳ ମଧୁମିତା ରଥ ଏହି ଶିବିରକୁ ଉଦ୍‌ଘାଟନ କରିଥିଲେ ।

# କର୍ମଶାଳା ଓ ପ୍ରଶିକ୍ଷଣ ଶିବିର

ଭଦ୍ରକ ଜିଲ୍ଲା ପୋଲିସ ପ୍ରଶାସନ ପକ୍ଷରୁ ଜିଲ୍ଲା ପରିଷଦ ସମ୍ମିଳନୀ କକ୍ଷଠାରେ ଆଡଭାନ୍ସ ସାଇବର ଠକେଇ ସମ୍ପର୍କୀତ କର୍ମଶାଳା ଓ ପ୍ରଶିକ୍ଷଣ ଶିବିର ଅନୁଷ୍ଠିତ ହୋଇଯାଇଛି । ଏଥିରେ ସାଇବର ବିଶେଷଜ୍ଞ ଯୋଗଦେଇ ସାଇବର ଠକେଇର ଶିକାର ହେଉଥିବା ଲୋକମାନଙ୍କ ସୁରକ୍ଷା ପାଇଁ ନୂଆ ଜ୍ଞାନକୌଶଳ ସମ୍ପର୍କରେ ଆଲୋଚନା କରିଥିଲେ ।

# ପାଣିପାଗ

ଉତ୍ତର-ପଶ୍ଚିମ ବଙ୍ଗୋପସାଗର ଏବଂ ତତ୍‌ସଂଲଗ୍ନ ଉତ୍ତର ଓଡ଼ିଶା-ପଶ୍ଚିମବଙ୍ଗ ଉପକୂଳରେ ସୃଷ୍ଟ ଲଘୁଚାପ ଅଧିକ ଘନୀଭୂତ ହୋଇ ସ୍ପଷ୍ଟ ଚିହ୍ନିତ ଲଘୁଚାପରେ ପରିଣତ ହୋଇଛି । ଏହାର ପ୍ରଭାବରେ ଦକ୍ଷିଣ-ପଶ୍ଚିମ ମୌସୁମୀ ବାୟୁ  ଅଧିକ ସକ୍ରିୟ ହେବା ସହ ରାଜ୍ୟର ବିଭିନ୍ନ ସ୍ଥାନରେ ପ୍ରବଳରୁ ଅତି ପ୍ରବଳ ବର୍ଷା ଲାଗ ରହିଛି ।  ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ ଆସନ୍ତା ୨୪ଘଣ୍ଟା ମଧ୍ୟରେ ବରଗଡ, ସମ୍ବଲପୁର ଓ ନୂଆପଡା ଜିଲ୍ଲାର କେତେକ ସ୍ଥାନରେ ଅତିରୁ ଅତି ପ୍ରବଳ ବର୍ଷା ହେବାର ସମ୍ଭାବନା ରହିଛି । ସେହିଭଳି ୧୭ଟି ସ୍ଥାନରେ ପ୍ରବଳ ବର୍ଷା ହେବା ନେଇ ସତର୍କ ସୂଚନା ଜାରି କରାଯାଇଛି । ଗତକାଲି ବରଗଡ ଜିଲ୍ଲାର ସୋହେଲାଠାରେ ସର୍ବାଧିକ ୨୦୨ମିଲିମିଟର ବର୍ଷା ରେକର୍ଡ ହୋଇଥିଲା । ଲଗାଣ ବର୍ଷା ଜାରି ରହିଥିବାରୁ ଜନଜୀବନ ଅଧିକ କ୍ଷତିଗ୍ରସ୍ତ ନ ହେବା ପାଇଁ ସରକାର ପଦକ୍ଷେପ ନେଇଛନ୍ତି । ପାଣିପାଗ ବିଜ୍ଞାନ କେନ୍ଦ୍ରର ନିର୍ଦ୍ଦେଶକ ଡକ୍ଟର ମନୋରମା ମହାନ୍ତି କହିଛନ୍ତି:

**-V/O-** ।